# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 757 CUTTACK, THURSDAY, APRIL 28, 2016/BAISAKHA 8, 1938**

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 5 ଅପ୍ରେଲ 2016

ସଂଖ୍ୟା 10784—RDM-LAA-MBJ-0002/2015-R&DM.—ସର୍ବସାଧାରଣଙ୍କ ଅବଗତି ନିମନ୍ତେ, ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ର ଧାରା ୧୯ର ଅଧିନିୟମ ୧ ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ ଉକ୍ତ ଆଇନ୍ର ଧାରା ୧୫(୨) ଅନୁସାରେ ଜିଲ୍ଲାପାଳ, ମୟୂରଭଞ୍ଜଙ୍କ ପ୍ରଦତ୍ତ ରିପୋର୍ଟକୁ ବିବେଚନା କରି ମୌଜା ପାକଟିଆ, ଥାନା ଶୁଳିଆପଦା ନଂ ୧୪୯, ତହସିଲ ବାରିପଦା, ଜିଲ୍ଲା ମୟୂରଭଞ୍ଜରେ ନିମ୍ନ ସୂଚିତ 'କ' ତଫସିଲ ଜମି ଏହି ଆଇନ୍ର ଧାରା ୨(୧) ପ୍ରକାରେ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଯଥା ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପର ପାକଟିଆ ସବ ମାଇନର ନିର୍ମାଣ ନିମନ୍ତେ ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ (Right to Fair Compensation and Transparency in Land Acquisition, Rehabilitation & Resettlement Act, 2013) ର ଧାରା ୧୧(୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା ୧୧୬୯୫, ତା ୧୭ ଅପ୍ରେଲ ୨୦୧୫ ରିଖରେ ପ୍ରକାଶିତ ହୋଇଅଛି ;

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ ମୌଜା ପାକଟିଆ, ଥାନା ଶୁଳିଆପଦା ନଂ ୧୪୯ , ଜିଲ୍ଲା ମୟୂରଭଞ୍ଜରେ କୌଣସି ବିସ୍ଥାପିତ ପରିବାର ନ ଥିବାରୁ ପୁନର୍ବାସ ଓ ଥଇଥାନ ନିମିତ୍ତ କୌଣସି ଜମି ଚିହ୍ନଟ ଓ ପୁନର୍ବାସ ଓ ଥଇଥାନ ଯୋଜନା ରୂପରେଖର ସାରମର୍ମ ସଂଲଗ୍ନ କରାଯାଇନାହିଁ ।

ଅନୁମୋଦିତ ପୁନର୍ବାସ ଓ ଥଇଥାନ ଯୋଜନା ଜିଲ୍ଲାପାଳ ଏବଂ ପୁନର୍ବାସ ଓ ଥଇଥାନ ପ୍ରଶାସନ କାର୍ଯ୍ୟାଳୟରେ ଉପଲବ୍ଧ ଅଟେ । ଏହା ମଧ୍ୟ ଜିଲ୍ଲା ୱେବ୍ସାଇଟ୍ www.mayurbhanj.nic.inରେ ଏବଂ ରାଜ୍ୟ ସରକାରଙ୍କ ୱେବ୍ସାଇଟ୍ www.odisha.gov.in/revenueରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପଲୋଡ୍ କରାଗଲା । ପୁନର୍ବାସ ଓ ଥଇଥାନ ଯୋଜନାର ଭୂମି ନକ୍ସା ଭୂ-ଅର୍ଜନ ମଣ୍ଡଳ ଅଧିକାରୀ, ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପର, ଲକ୍ଷ୍ମୀପୋଷିଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

**ତଫସିଲ – କ**

( ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ )

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍ର ମୋଟ ରକବା | ଅଧିଗ୍ରହଣ ହେବାକୁ ଥିବା ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ପାକଟିଆ | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏ ୩.୮୯ | ଏ ୦.୭୩ | ଏଥିସହିତ ସଂଲଗ୍ନ |

**ତଫସିଲ – ଖ**

( ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁସୂଚୀ )

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍‌ର ମୋଟ ରକବା | ପୁନର୍ବାସ ନିମିତ୍ତ ଚିହ୍ନଟ ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| **ପ୍ରଯୁଜ୍ୟ ନୁହେଁ** | | | | | | | |

ଭୂମି ଅନୁସୂଚୀ

| ଖାତା ନଂ ଓ ସତ୍ୱ | ପ୍ଲଟ ନଂ | ମୋଟ ରକବା | ଆକ୍ୟୁଆର ରକବା | କିସମ | ମନ୍ତବ୍ୟ |
|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) |
| **୧୫** | **୧୨୦୦** | **୦.୪୫** | **୦.୦୮** | **ଡାହି ଦୁଇ** | |
| **୮୯** | **୪୮୫** | **୧.୭୩** | **୦.୩୫** | **ଘରବାରି** | |
| **୯୪** | **୪୭୯** | **୧.୨୬** | **୦.୨୦** | **ଆଶୁ** | |
| **୧୪୭** | **୧୨୦୭** | **୦.୧୩** | **୦.୦୬** | **ଡାହି ଦୁଇ** | |
| **୧୬୦** | **୧୨୦୮** | **୦.୩୨** | **୦.୦୪** | **ଡାହି ଦୁଇ** | |
| | | **ସର୍ବ ମୋଟ ୫ ପ୍ଲଟ୍‌କୁ ରକବା** | **ଏ. ୦.୭୩** | | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 177—173+20